# ଆଜି ଅନୁଗୋଳ ଜିଲ୍ଲାରୁ ୪୫ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୦୬୫୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୫୦ ଜଣ ।

ଅନୁଗୋଳ, ତା,୨୪.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୪୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୮୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଁଅରପାଲ ବ୍ଲକ୍ ଅଂଚଳରୁ ସର୍ବାଧିକ ୧୦ ଜଣ (୮ ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ ଜଣ (୬ ଜଣ ପୁରୁଷ ଓ ୨ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ (୫ ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ଜଣ (୧ ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ପୌରାଞ୍ଚଳ , କିଶୋରନଗର ବ୍ଲକ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଓ ପାଲଲହଡା ବ୍ଲକ୍ ପ୍ରଭୃତି ୪ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୦ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୬ଜଣ କୋଭିଡ ହସପିଟାଲରୁ ଓ ୪୪ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୬୫ ତା.୨୪.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) ୨୪/୧୧/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ